ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/IPR(Od)/501/02-07-2024**

# ରାଷ୍ଟ୍ରପତିଙ୍କ ଗସ୍ତ ଅଞ୍ଚଳ ନୋ ଡ୍ରୋନ୍ ଜୋନ୍ ତଥା ନୋ ଫ୍ଲାଇଂ ଜୋନ୍ ଘୋଷିତ

ଭୁବନେଶ୍ୱର,୦୨/୦୭/୨୦୨୪:

ସମସ୍ତ ଗଣମାଧ୍ୟମ ଏବଂ ଜନସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଛି କି ଭାରତର ମହାମହିମ ରାଷ୍ଟ୍ରପତି ଶ୍ରୀମତୀ ଦ୍ରୌପଦୀ ମୁର୍ମୁ ଆସନ୍ତା ଜୁଲାଇ ୬ ତାରିଖରୁ ୯ ତାରିଖ ପର୍ଯ୍ୟନ୍ତ ଓଡ଼ିଶା ଗସ୍ତରେ ଆସିବାର କାର୍ଯ୍ୟକ୍ରମ ରହିଛି । ଏହି ଅବସରରେ ସେ ଭୁବନେଶ୍ୱର, ପୁରୀ ଏବଂ ଖୋର୍ଦ୍ଧା ଆଦି ଅଞ୍ଚଳ ଗସ୍ତ କରିବେ ।

ସୁରକ୍ଷା ଦୃଷ୍ଟିରୁ ମହାମହିମ ରାଷ୍ଟ୍ରପତିଙ୍କ ଗସ୍ତ ଏବଂ ରହଣି ଅଞ୍ଚଳକୁ No Drone Zone ତଥା No Flying Zone ଭାବେ ଘୋଷଣା କରାଯାଇଛି ବୋଲି ରାଜ୍ୟ ଗୁଇନ୍ଦା ନିର୍ଦ୍ଦେଶାଳୟ, ଭୁବନେଶ୍ୱର ପକ୍ଷରୁ ସୂଚନା ଦିଆଯାଇଛି । ଏହାର କଡାକଡି ଅନୁପାଳନ ପାଇଁ ନିର୍ଦ୍ଦେଶନାମା ଜାରି ହୋଇଛି ।

ସୁଜିତ ରଞ୍ଜନ ସ୍ୱାଇଁ
ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ, ଭୁବନେଶ୍ୱର